**Sankha Bhawan**
Plot No. 798, Unit - VI
Bhubaneswar - 751001, Odisha

**BJD**

Ph : 0674-2393464, 2395979
email : bijujanatadal@gmail.com

# BIJU JANATA DAL

<u>ବିଜେଡିର ମିଶ୍ରଣ ପର୍ବ</u>

## ବିଜେଡ଼ିରେ ଯୋଗଦେଲେ ବିଜେପି ନେତା ଭୃଗୁ ବକ୍ସିପାତ୍ର

**ଭୁବନେଶ୍ୱର, ୦୩/୦୪/୨୦୨୪:** ୨୦୧୯ ସାଧାରଣ ନିର୍ବାଚନର ବ୍ରହ୍ମପୁର ବିଜେପି ଲୋକସଭା ପ୍ରାର୍ଥୀ ଭୃଗୁ ବକ୍ସିପାତ୍ର ଆଜି ଶଙ୍ଖଭବନ ଠାରେ ଲୋକସଭା ସାଂସଦ ଚନ୍ଦ୍ରଶେଖର ସାହୁ, ବ୍ରହ୍ମପୁର ବିଧାୟକ ବିକ୍ରମ ପଣ୍ଡା, ରାଜ୍ୟସଭା ସାଂସଦ ମାନସ ରଞ୍ଜନ ମଙ୍ଗରାଜ ଓ ଡକ୍ଟର ସସ୍ମିତ ପାତ୍ରଙ୍କ ଉପସ୍ଥିତିରେ ବିଜେଡିରେ ଯୋଗ ଦେଇଛନ୍ତି। ଦଳରେ ସାମିଲ୍ ହୋଇଥିବା ବିଜେପି ନେତା ଭୃଗୁ ବକ୍ସିପାତ୍ରଙ୍କୁ ଶ୍ରୀ ସାହୁ, ଶ୍ରୀ ପଣ୍ଡା, ଶ୍ରୀ ମଙ୍ଗରାଜ ଓ ଡକ୍ଟର ପାତ୍ର ଉପଢୌକନ ଦେଇ ଦଳକୁ ସ୍ୱାଗତ କରିଥିଲେ। ଆଜି ଭୃଗୁ ବକ୍ସିପାତ୍ରଙ୍କ ଯୋଗଦାନ ଫଳରେ ବିଶେଷକରି ବ୍ରହ୍ମପୁର ସଂସଦୀୟ କ୍ଷେତ୍ରରେ ଦଳୀୟ ସଂଗଠନ ଆହୁରି ମଜଭୁତ ହେବ ବୋଲି ଶ୍ରୀ ସାହୁ, ଶ୍ରୀ ପଣ୍ଡା, ଶ୍ରୀ ମଙ୍ଗରାଜ ଓ ଡକ୍ଟର ପାତ୍ର କହିଥିଲେ।

ଏହି ଅବସରରେ ବିଜେଡ଼ିରେ ସାମିଲ୍ ହୋଇଥିବା ଭୃଗୁ ବକ୍ସିପାତ୍ର ନିଜ ପ୍ରତିକ୍ରିୟାରେ କହିଥିଲେ ଯେ, ଆଜିଠୁ ମୋ ରାଜନୈତିକ ଜୀବନରେ ନୂଆ ଅଧ୍ୟାୟ ଆରମ୍ଭ ହେଲା । ସମୃଦ୍ଧଶାଳୀ ଓଡ଼ିଶା ଗଠନ ଦିଗରେ ହେଉଥିବା କାର୍ଯ୍ୟରେ ସାମିଲ ହେବି । ନବୀନ ବାବୁଙ୍କ ନେତୃତ୍ୱରେ ଗୁଣ୍ଡୁଚି ମୂଷା ଭଳି କାମ କରିବାକୁ ଆସିଛି । ସାଧାରଣ ଲୋକଙ୍କ ଜନଜୀବନକୁ ଶକ୍ତିଶାଳୀ କରିବା ଦିଗରେ କାର୍ଯ୍ୟ କରିବି । ମାନ୍ୟବର ମୁଖ୍ୟମନ୍ତ୍ରୀ ତଥା ବିଜେଡ଼ି ସୁପ୍ରିମୋ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କ ଲୋକାଭିମୁଖୀ କାର୍ଯ୍ୟ, ସ୍ୱଚ୍ଛ ଶାସନ, ନିର୍ମଳ ଭାବମୂର୍ତ୍ତି ଓ ନୀତି ଆଦର୍ଶରେ ଅନୁପ୍ରାଣିତ ହୋଇ ଆଜି ବିଧିବଦ୍ଧ ଭାବେ ବିଜେଡିରେ ଯୋଗ ଦେଲି। ନୂତନ ଓଡ଼ିଶା ଗଠନ ଦିଗରେ ମାନ୍ୟବର ମୁଖ୍ୟମନ୍ତ୍ରୀ ମୋତେ ଯାହା ଦାୟିତ୍ୱ ଦେବେ ତାକୁ ସୁଚାରୁ ରୂପେ ତୁଲାଇବି । ଦଳରେ ମୋତେ ଗ୍ରହଣ କରିଥିବାରୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ, ଦଳର ସାଂଗଠନିକ ସମ୍ପାଦକ ପ୍ରଣବ ପ୍ରକାଶ ଦାସ, ସାଂସଦ ମାନସ ରଞ୍ଜନ ମଙ୍ଗରାଜ ଏବଂ ସମସ୍ତ ନେତୃବୃନ୍ଦଙ୍କୁ କୃତଜ୍ଞତା ଜ୍ଞାପନ କରୁଛି ।

ଶେଷରେ ବିଜେଡ଼ି ମୁଖପାତ୍ର ଡଃ ପ୍ରିୟବ୍ରତ ମାଝୀ ଧନ୍ୟବାଦ ଅର୍ପଣ କରିଥିଲେ।

ଡଃ ପ୍ରିୟବ୍ରତ ମାଝୀ

**(ପ୍ରିୟବ୍ରତ ମାଝୀ)**
**ମୁଖପାତ୍ର, ବିଜୁଜନତା ଦଳ**






ODISHA